# ବିକଶିତ ଭାରତ ସଂକଳ୍ପ ଯାତ୍ରାର ଶୁଭାରମ୍ଭ।

ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟଠାରେ ବିକଶିତ ଭାରତ ସଂକଳ୍ପ ଯାତ୍ରା ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପତାକା ଦେଖାଇ ଶୁଭାରମ୍ଭ କରିଛନ୍ତି । ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଏହି ଉପଲକ୍ଷେ ୨ଟି ରଥ ବିଭିନ୍ନ ଜନକଲ୍ୟାଣ କାର୍ଯ୍ୟକ୍ରମର ପ୍ରଚାର ଓ ପ୍ରସାର ପାଇଁ ଜିଲ୍ଲାର ସମସ୍ତ ୨୨୫ଟି ଗ୍ରାମ ପଞ୍ଚାୟତକୁ ଦୁଇମାସ ମଧ୍ୟରେ ଯାତ୍ରା କରିବ । ଏହି କାର୍ଯ୍ୟକ୍ରମ ଆଜିଠାରୁ ଆରମ୍ଭ ହୋଇ ଆସନ୍ତା ଜାନୁଆରୀ ମାସ ୨୪ ତାରିଖ ସୁଦ୍ଧା ସରିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି ।ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ହେମନ୍ତ କୁମାର ସିଂହ , ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ପଦ୍ମନାଭ ସାମନ୍ତରାୟ, ଅନୁଗୋଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ଅରବିନ୍ଦ ବେହେରା, ଜିଲ୍ଲା ସୂଚନା ଅଧିକାରୀ ଶ୍ରୀ ସୁବ୍ରତ କୁମାର ଚାଟାର୍ଜୀ, ଜିଲ୍ଲା ପରିଷଦ ପ୍ରୋଗ୍ରାମ ମ୍ୟାନେଜର ଓ ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ ।




ଆମ ସଂକଳ୍ପ ବିକଶିତ ଭାରତ
ଆମ ସଂକଳ୍ପ ବିକଶିତ ଭାରତ
Government of India
ମୋଦୀ ସରକାରଙ୍କ ଗ୍ୟାରେଣ୍ଟି
ମୋଦୀ ସରକାରଙ୍କ ଗ୍ୟାରେଣ୍ଟି
2023/11/28 12:14